ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୭୭ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୫୧୧୩ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୮୯ ଜଣ ।

ଅନୁଗୋଳ,ତା. ୦୫.୧୦:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୭୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ଆଜି ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଂକ ସଂଖ୍ୟା ୮୫ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୫୯ ଜଣ(୪୩ ଜଣ ପୁରୁଷ ଓ ୧୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୫୫ ଜଣ (୪୬ ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୨୨ ଜଣ ( ୧୬ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୪ ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୪ ଜଣ ( ୮ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୯ ଜଣ (୯ ଜଣ ପୁରୁଷ ), କିଶୋରନଗର ବ୍ଲକ୍ ଅଂଚଳରୁ ୨ ଜଣ (୨ ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୨ ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୮୯ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧୫ ଜଣ କୋଭିଡ ହସପିଟାଲରୁ ,୫ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୬୯ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୬୫ ତା.୦୫.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ